**REGIONAL NEWS UNIT, AIR CUTTACK**

**Morning Bulletin (7.05 AM)**

**31 December - 2024**

**News Editor : *Itishree Singh Rathaur***

# ସ୍ପେଡେକ୍ସର ସଫଳ ଉତ୍କ୍ଷେପଣ

ମହାକାଶରେ ଡକିଂ ପରୀକ୍ଷା ନିମନ୍ତେ ଉଦ୍ଦିଷ୍ଟ ସ୍ପେଡେକ୍ସର ଗତକାଲି ସଫଳ ଉତ୍କ୍ଷେପଣ କରାଯାଇଛି । ଆନ୍ଧ୍ରପ୍ରଦେଶର ଶ୍ରୀହରିକୋଟାସ୍ଥିତ ସତୀଶ ଧାୱନ ମହାକାଶ କେନ୍ଦ୍ରରୁ ପିଏସ୍ଏଲ୍ଭି-ସି-୬୦ ରକେଟ୍ ଯୋଗେ ଦୁଇଟି ମହାକାଶ ଯାନ ଉତ୍କ୍ଷେପଣ କରାଯାଇଛି । ଇସ୍ରୋ ପକ୍ଷରୁ ଦିଆଯାଇଥିବା ସୂଚନା ଅନୁଯାୟୀ ଭବିଷ୍ୟତରେ ମହାକାଶ ଅଭିଯାନର ଗୁରୁତ୍ୱପୂର୍ଣ୍ଣ ବୈଷୟିକ ଆହ୍ୱାନ ଗୁଡ଼ିକର ସଠିକ୍ ସମାଧାନ ଲକ୍ଷ୍ୟରେ ଏହା ବିଶେଷ ସହାୟକ ହେବ । ମହାକାଶରେ ୨ଟିଯାକ ଯାନକୁ ଡକିଂ ବା ମିଶ୍ରଣ କରିବାର ଲକ୍ଷ୍ୟରେ ଏହି ଅଭିଯାନ ଆରମ୍ଭ କରାଯାଇଛି ।

# ବିମାନ ଉଡାଣ

ଝାରସୁଗୁଡା ବୀର ସୁରେନ୍ଦ୍ର ସାଏ ବିମାନ ବନ୍ଦରରୁ ଆସନ୍ତାକାଲିଠାରୁ ୪ଟି ସହରକୁ ବିମାନ ସେବା ଆରମ୍ଭ ହେବ । ସେଗୁଡ଼ିକ ହେଉଛି ହାଇଦ୍ରାବାଦ, ରାୟପୁର, ଲକ୍ଷ୍ନୌ ଏବଂ ମୁମ୍ବାଇ । ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝି ସାମାଜିକ ଗଣମାଧ୍ୟମରେ ଏ ସମ୍ପର୍କରେ ସୂଚନା ଦେଇ କହିଛନ୍ତି ଆସନ୍ତା ୩ ତାରିଖରୁ ଭୁବନେଶ୍ୱର ବିଜୁ ପଟ୍ଟନାୟକ ଆନ୍ତର୍ଜାତିକ ବିମାନ ବନ୍ଦରରୁ

ଇନ୍ଦୋର, ଡେରାଡୁନ, କୋଚି, ଜୟପୁର ଏବଂ ଲକ୍ଷ୍ନୌକୁ ସିଧାସଳଖ ବିମାନ ସେବା ଆରମ୍ଭ କରାଯିବ ।

## ପିଏମ୍ ଉଷା - ଅନୁଦାନ

ପ୍ରଧାନମନ୍ତ୍ରୀ ଉଚ୍ଚତର ଶିକ୍ଷା ଅଭିଯାନ 'ପିଏମ୍ ଉଷା' ଅଧୀନରେ ଓଡ଼ିଶାକୁ ୬୦୦କୋଟିରୁ ଅଧିକ ଟଙ୍କା ଅନୁଦାନ ମିଳିବ । କେନ୍ଦ୍ର ଶିକ୍ଷା ମନ୍ତ୍ରଣାଳୟ ପକ୍ଷରୁ ମିଳିଥିବା ସୂଚନା ଅନୁଯାୟୀ ଇତିମଧ୍ୟରେ ରାଜ୍ୟର ୪ଟି ପ୍ରମୁଖ ବିଶ୍ୱବିଦ୍ୟାଳୟକୁ ୪୦୦ କୋଟି ଟଙ୍କାର ଅନୁଦାନ ମଞ୍ଜୁର ହୋଇସାରିଛି । ଶିକ୍ଷାନୁଷ୍ଠାନ ଗୁଡ଼ିକରେ ଭିତ୍ତିଭୂମିର ବିକାଶ ଏବଂ ଗବେଷଣା କ୍ଷେତ୍ରକୁ ଅଧିକ ତ୍ୱରାନ୍ୱିତ କରିବାରେ ଏହା ସହାୟକ ହେବ । ତେବେ ଅନୁଦାନ ପାଇଁ ବିସ୍ତୃତ ପ୍ରକଳ୍ପ ରିପୋର୍ଟ ଦାଖଲ କରିବାକୁ ସଂପୃକ୍ତ ଶିକ୍ଷାନୁଷ୍ଠାନ ଗୁଡ଼ିକୁ ନିର୍ଦ୍ଦେଶ ଦିଆଯାଇଛି ।

## ମୁଖ୍ୟମନ୍ତ୍ରୀ-ନୂଆବର୍ଷ ମନା

ପରଲୋକଗତ ପ୍ରଧାନମନ୍ତ୍ରୀ ମନମୋହନ ସିଂହଙ୍କ ପାଇଁ ରାଷ୍ଟ୍ରୀୟ ଶୋକ ପାଳନ ଏବଂ ରାଜ୍ୟରେ ଅଦିନିଆ ବର୍ଷାଜନିତ ଫସଲ ନଷ୍ଟ ପରିପ୍ରେକ୍ଷୀରେ କୌଣସି ପ୍ରକାର ନୂଆବର୍ଷ କାର୍ଯ୍ୟକ୍ରମରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝି ଅଂଶଗ୍ରହଣ କରିବେ ନାହିଁ । ସାମାଜିକ ଗଣମାଧ୍ୟମ ପୋଷ୍ଟରେ ମୁଖ୍ୟମନ୍ତ୍ରୀଙ୍କ କାର୍ଯ୍ୟାଳୟ ପକ୍ଷରୁ ଏହି ସୂଚନା ଦିଆଯାଇଛି । ସେହିଭଳି ଶୁଭେଚ୍ଛୁ ଏବଂ ଦଳୀୟ କର୍ମୀ କୌଣସି ପ୍ରକାର ଉପହାର ନଦେବାକୁ

ମୁଖ୍ୟମନ୍ତ୍ରୀ ଅନୁରୋଧ କରିଛନ୍ତି । ଉପମୁଖ୍ୟମନ୍ତ୍ରୀ ପ୍ରଭାତି ପରିଡ଼ା ମଧ୍ୟ ଅନୁରୂପ ନିଷ୍ପତ୍ତି ଗ୍ରହଣ କରିଛନ୍ତି ।

## ସମୀକ୍ଷା ବୈଠକ

ବ୍ରହ୍ମପୁର ମହାନଗର ନିଗମ ଅଞ୍ଚଳରେ କାର୍ଯ୍ୟକାରୀ ହେଉଥିବା ବିଭିନ୍ନ ପ୍ରକଳ୍ପର ସ୍ଥିତି ନେଇ ଏକ ସମୀକ୍ଷା ବୈଠକ ଗତକାଲି ମହାନଗର ନିଗମ ସମ୍ମିଳନୀ କକ୍ଷଠାରେ ଅନୁଷ୍ଠିତ ହୋଇଛି । ଗୃହ ଓ ନଗର ଉନ୍ନୟନମନ୍ତ୍ରୀ କୃଷ୍ଣଚନ୍ଦ୍ର ମହାପାତ୍ରଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି ବୈଠକରେ ମନ୍ତ୍ରୀ ବିଭୂତି ଭୂଷଣ ଜେନା, ସାଂସଦ ଡକ୍ଟର ପ୍ରଦୀପ କୁମାର ପାଣିଗ୍ରାହୀ ପ୍ରମୁଖ ଯୋଗଦେଇ ମହାନଗର ନିଗମ ଅଞ୍ଚଳର ବିଭିନ୍ନ ସମସ୍ୟା, ସରକାରଙ୍କ କଲ୍ୟାଣକାରୀ ଯୋଜନା ଗୁଡ଼ିକର ସ୍ଥିତି ନେଇ ବିସ୍ତୃତ ଆଲୋଚନା ହୋଇଛି । ସମୀକ୍ଷା ବୈଠକ ପରେ ଆକାଶବାଣୀକୁ ସୂଚନା ଦେଇ ମନ୍ତ୍ରୀ ଶ୍ରୀ ମହାପାତ୍ର କହିଛନ୍ତି...

## V/o-

## ବର୍ଷା କ୍ଷୟକ୍ଷତି ପଞ୍ଜୀକରଣ

ଅଦିନିଆ ବର୍ଷାଜନିତ ଫସଲ କ୍ଷୟକ୍ଷତିର ସୂଚନା ପଞ୍ଜୀକରଣ ଆସନ୍ତା କାଲି ପର୍ଯ୍ୟନ୍ତ ଜାରି ରହିବ । ପୂର୍ବରୁ ଏଥିପାଇଁ ଗତ ରବିବାର ଶେଷ ତାରିଖ ଧାର୍ଯ୍ୟ ହୋଇଥିଲା । କୃଷିରକ୍ଷକ ଆପ୍ କିମ୍ବା ହେଲପଲାଇନ

ନମ୍ବର-୧୪୪୪୭ରେ କ୍ଷତିଗ୍ରସ୍ତ ଚାଷୀ ପଞ୍ଜୀକରଣ କରିବା ପାଇଁ ସରକାରଙ୍କ ପକ୍ଷରୁ ପରାମର୍ଶ ଦିଆଯାଇଛି ।

## ଆଦର୍ଶ ବିଦ୍ୟାଳୟ ପ୍ରବେଶିକା ପରୀକ୍ଷା

ଓଡ଼ିଶା ଆଦର୍ଶ ବିଦ୍ୟାଳୟ ଏବଂ ଓଡ଼ିଶା ମାଇନିଂ ଆଦର୍ଶ ବିଦ୍ୟାଳୟ ପ୍ରବେଶିକା ପରୀକ୍ଷା ଆସନ୍ତା ୭ ତାରିଖରେ ଅନୁଷ୍ଠିତ ହେବ । ଓଡ଼ିଶା ମାଧ୍ୟମିକ ଶିକ୍ଷା ପରିଷଦ ଦ୍ୱାରା ପରିଚାଳିତ ଏହି ପରୀକ୍ଷା ପାଇଁ ରାଜ୍ୟରେ ୭ଶହ ଅଣାନବେଟି କେନ୍ଦ୍ର ସ୍ଥାପନ କରାଯିବ । ପରିଷଦ ପକ୍ଷରୁ ଏ ସଂକ୍ରାନ୍ତ ବିଜ୍ଞପ୍ତି ପ୍ରକାଶ ସହ ଛାତ୍ରଛାତ୍ରୀଙ୍କ ପାଇଁ ଆଡମିଟ କାର୍ଡ ପ୍ରଦାନ କରାଯାଉଛି ।

## ଶ୍ରୀଜୀଉଙ୍କ ଶୃଙ୍ଖଳିତ ଦର୍ଶନ

ପୁରୀ ଶ୍ରୀମନ୍ଦିରରେ ଶ୍ରଦ୍ଧାଳୁଙ୍କର ଶୃଙ୍ଖଳିତ ଦର୍ଶନ ନେଇ ଏକ ସମୀକ୍ଷା ବୈଠକ ଗତକାଲି ଶ୍ରୀମନ୍ଦିର କାର୍ଯ୍ୟାଳୟଠାରେ ଅନୁଷ୍ଠିତ ହୋଇଛି । ଜିଲ୍ଲାପାଳଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି ବୈଠକରେ ଠାକୁରଙ୍କର ଶୃଙ୍ଖଳିତ ନୀତିକାନ୍ତି ଏବଂ ସୁ-ବ୍ୟବସ୍ଥିତ ଦର୍ଶନ ପାଇଁ ବିସ୍ତୃତ ଆଲୋଚନା ହୋଇଛି । ଆଜି ଏବଂ ଆସନ୍ତାକାଲି ଶ୍ରଦ୍ଧାଳୁଙ୍କର ଭିଡ଼କୁ ଦୃଷ୍ଟିରେ ରଖି କେତେକ ସ୍ୱତନ୍ତ୍ର ବ୍ୟବସ୍ଥା ଗ୍ରହଣ କରାଯିବାକୁ ନିଷ୍ପତ୍ତି ହୋଇଛି । ସୁରକ୍ଷା ବ୍ୟବସ୍ଥା ସହ ପାନୀୟ ଜଳଯୋଗାଣ ଏବଂ ଅନ୍ୟାନ୍ୟ ସୁବିଧା ନେଇ ପଦକ୍ଷେପ ଗ୍ରହଣ କରାଯାଇଛି ।

# ପରିବହନ ପ୍ରାଧିକରଣ ନିଷ୍ପତ୍ତି

ମଦ୍ୟପ ଗାଡ଼ିଚାଳକଙ୍କ ବିରୁଦ୍ଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବା ପାଇଁ ରାଜ୍ୟ ପରିବହନ ପ୍ରାଧିକରଣ ନିଷ୍ପତ୍ତି ନେଇଛି । ଆଜି ମଧ୍ୟରାତ୍ରରୁ ଏଥିପାଇଁ ସ୍ୱତନ୍ତ୍ର ଅଭିଯାନ ଆରମ୍ଭ ହେଉଛି । ସଡ଼କ ସୁରକ୍ଷା ନିୟମ ଉଲ୍ଲଙ୍ଘନକାରୀ ବିରୁଦ୍ଧରେ କଠୋର ଆଭିମୁଖ୍ୟ ଗ୍ରହଣ କରିବାକୁ ପରିବହନ ଆୟୁକ୍ତ ସମସ୍ତ ଆଞ୍ଚଳିକ ପରିବହନ ଅଧିକାରୀଙ୍କୁ ନିର୍ଦ୍ଦେଶ ଦେଇଛନ୍ତି । ଆବଶ୍ୟକ ସ୍ଥଳେ ଗାଡ଼ି ମାଲିକଙ୍କ ବିରୁଦ୍ଧରେ ମଧ୍ୟ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ । ରାଜ୍ୟରେ ଆସନ୍ତା କାଲିଠାରୁ ସଡ଼କ ସୁରକ୍ଷା ସପ୍ତାହ ପାଳନ କରାଯିବ । ଆଜି ମଧ୍ୟରାତ୍ରରୁ ଆସନ୍ତା ୭ ତାରିଖ ଯାଏଁ ଏହି ସ୍ୱତନ୍ତ୍ର ଅଭିଯାନ ଜାରି ରହିବ ବୋଲ ପରିବହନ ବିଭାଗ ପକ୍ଷରୁ ସୂଚନା ଦିଆଯାଇଛି ।

# ଅଭିଯୋଗ ଶୁଣାଣି

ଢ଼େଙ୍କାନାଳ ଜିଲ୍ଲା ଓଡାପଡା ବ୍ଲକଠାରେ ଗତକାଲି ଅନୁଷ୍ଠିତ ଜନ ଅଭିଯୋଗ ଶିବିରରେ ୯୨ଟି ଅଭିଯୋଗର ଶୁଣାଣି କରାଯାଇଥିଲା । ଜିଲ୍ଲାପାଳ ସୋମେଶ କୁମାର ଉପାଧ୍ୟାୟଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି ଶୁଣାଣି ଶିବିରରେ ୩୫ଟି ଅଭିଯୋଗର ସମାଧାନ କରାଯିବା ସହ ୨୨ହଜାର ଟଙ୍କାର ସହାୟତା ରାଶି ପ୍ରଦାନ ପାଇଁ ନିଷ୍ପତ୍ତି ହୋଇଛି ।

# ହକି ଇଣ୍ଡିଆ ଲିଗ୍

ହକି ଇଣ୍ଡିଆ ଲିଗ୍ ପ୍ରତିଯୋଗିତାରେ ଗତକାଲିର ପୁରୁଷ ବର୍ଗ ମ୍ୟାଚ୍‌ରେ ୟୁପି ରୁଦ୍ରସ' କଳିଙ୍ଗ ଲାନ୍ସର୍ସକୁ ୩-୧ ଗୋଲ୍‌ରେ ପରାସ୍ତ କରିଛି । ରାଉରକେଲା ବିର୍ସାମୁଣ୍ଡା ଆନ୍ତର୍ଜାତିକ ହକି ଷ୍ଟାଡିୟମଠାରେ ଖେଳାଯାଇଥିବା ଏହି ମ୍ୟାଚ୍‌ରେ କଳିଙ୍ଗ ଲାନ୍ସର୍ସ ପ୍ରଥମେ ଗୋଲ୍ ଦେଇ ଖେଳରେ ଆଗୁଆ ରହିଥିଲେ ମଧ୍ୟ ଦ୍ୱିତୀୟାର୍ଦ୍ଧରେ ୟୁପି ରୁଦ୍ରସ ୩ଟି ଗୋଲ ସ୍କୋର କରି ମ୍ୟାଚ୍‌କୁ ନିଜ ଅକ୍ତିଆରକୁ ନେଇଥିଲା । ଦିଲ୍ଲୀ ଏସ୍‌ଜି ପାଇପର୍ସ ଏବଂ ହାଇଦ୍ରାବାଦ ତୁଫାନ୍ସ ମଧ୍ୟରେ ଆଜି ମୁକାବିଲା ହେବ ।